ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ

ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 12-12-2025

ଗଜପତି(ଓଡିଶା) - :2025-12-12 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2025-12-13 | 2025-12-14 | 2025-12-15 | 2025-12-16 | 2025-12-17 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 30.0 | 30.0 | 30.0 | 30.0 | 30.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 12.0 | 13.0 | 13.0 | 13.0 | 13.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 74 | 75 | 74 | 72 | 79 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 28 | 32 | 33 | 31 | 36 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 2 | 3 | 2 | 2 | 3 |
| ପବନର ଦିଗ (ଡିଗ୍ରୀ) | 18 | 8 | 90 | 9 | 8 |
| ମେଘାଚ୍ଛନ (ଅକ୍ଟା) | 0 | 0 | 1 | 0 | 1 |
| ସତର୍କବାଣୀ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ |

## ପୂର୍ବାନୁମାନ ସାରାଂଶ:

ଭାରତ ପାଣିପାଗ ବିଭାଗରୁ ମିଳିଥିବା ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ମଙ୍ଗଳବାର ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବା ସହିତ ଆକାଶ ସଫା ରୁ ମୁଖ୍ୟତଃ ସଫା ରହିବାର ସମ୍ଭାବନା ରହିଛି । ଆସନ୍ତା ପାଞ୍ଚଦିନ ପର୍ଯ୍ୟନ୍ତ ପବନର ବେଗ ୦୨.୦ ରୁ ୦୩.୦ କିଲୋମିଟର ପ୍ରତିଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି । ଦୈନିକ ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୩୦.୦° ସେଲସିୟସ ଏବଂ ୧୨.୦° ସେଲସିୟସ ରୁ ୧୩.୦° ସେଲସିୟସ ମଧ୍ୟରେ ରହିବାର ସମ୍ଭାବନା ରହିଛି । ସକାଳେ ଏବଂ ଅପରାହ୍ନରେ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ୭୨ ରୁ ୭୯ ଶତକଡା ଏବଂ ୨୮ ରୁ ୩୬ ଶତକଡା ମଧ୍ୟରେ ରହିପାରେ ।

## ଆବହାବିକ ସତର୍କତା (ପରବର୍ତ୍ତୀ ଦିନ 08:30 IST ଯାଁଚାଯିବାକୁ):

କୌଣସି ସତର୍କ ସୂଚନା ନାହିଁ

## ଆବହାବିକ ସତର୍କତାର କୃଷି ଉପରେ ସମ୍ଭାବ୍ୟ ପ୍ରଭାବ ଓ ସଂଶ୍ଲିଷ୍ଟ ଏଗ୍ରୋମେଟ ପରାମର୍ଶ:

| |
|---|
| କୌଣସି ପ୍ରଭାବ ନାହିଁ |

**ସାଧାରଣ ଉପଦେଶ:**

| |
|---|
| ଗଜପତି ଜିଲ୍ଲାରେ ଗତ ସପ୍ତାହରେ ହାରାହାରି ସର୍ବାଧିକ ଦୈନିକ ତାପମାତ୍ରା ୩୦.୧° ସେଲସିୟସ ଏବଂ ହାରାହାରି ସର୍ବନିମ୍ନ ଦୈନିକ ତାପମାତ୍ରା ୧୩.୪° ସେଲସିୟସ ଥିଲା । ଗତ ସପ୍ତାହରେ ଜିଲ୍ଲାରେ ୦୦.୦ ମିଲିମିଟର ବର୍ଷା ହୋଇଅଛି । କୁହୁଡି ଓ କମ୍ ତାପମାତ୍ରାରୁ ପନିପରିବାକୁ ରକ୍ଷା କରିବା ନିମନ୍ତେ ସକାଳ ଓ ସନ୍ଧ୍ୟା ସମୟରେ ଶୀତଦିନିଆ ପନିପରିବାରେ ହାଲୁକା ଜଳସେଚନ କରନ୍ତୁ । କମ୍ ତାପମାତ୍ରା ଓ କୁହୁଡିଆ ପାଗ ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ରପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ଏହାର ନିରାକରଣର ବ୍ୟବସ୍ଥା କରନ୍ତୁ । ରବି ପନିପରିବାରେ ଘାସ ବାଛି କୋଡାଖୋସା କରନ୍ତୁ । କୋବିଜାତୀୟ ପନିପରିବା ଫସଲରେ ୭-୮ ଦିନ ବ୍ୟବଧାନରେ ଜଳସେଚନ କରନ୍ତୁ । ଶୀତଋତୁରେ ଅଧିକ ଥଣ୍ଡା ସମୟରେ ଗାଈ ଗୁହାଳରେ ପଲିଥିନ୍ କିମ୍ବା ଅଖା ଦ୍ଵାରା ଆଚ୍ଛାଦିକରଣ କରିବାର ବ୍ୟବସ୍ଥା କରନ୍ତୁ । କୁକୁଡା ରହୁଥିବା ଘରେ ଉତ୍ତାପ ବଜାୟ ରଖିବା ପାଇଁ ରୁମ୍ ହିଟର କିମ୍ବା ୨୦୦ ୱାଟ ବଲ୍ବ ଲଗାନ୍ତୁ । |

**ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:**

| |
|---|
| ବର୍ତ୍ତମାନ ତାପମାତ୍ରା କମ୍ ରହୁଥିବାରୁ,ପନିପରିବା ମଞ୍ଜି ଶୀଘ୍ର ଗଜା ହେବା ପାଇଁ, ତଳିଘେରାରେ ପଲିଥିନ୍ ଦ୍ଵାରା ଆଚ୍ଛାଦିକରଣ କରନ୍ତୁ । |

**ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଧାନ ସାଇତି ରଖିଥିବା ବସ୍ତା କିମ୍ବା କୋଠରୀରେ ପୋକ ଦେଖାଦେଲେ ଆଲୁମିନିୟମ ଫସଫାଇଡ୍ ଟାବଲେଟ ଏକ ଟନ ଧାନ ପିଛା ୩ଟି (ସମୁଦାୟ ୯ ଗ୍ରାମ ଟାବଲେଟ) କନାରେ ଗୁଡାଇ ରଖନ୍ତୁ । ଏହା ପରେ ଭଲ ଭାବରେ ତାରପୋଲିନ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କା ଜାଗା ନ ରୁହେ । ଯଦି କୋଠରୀର ସନ୍ଧି ଜାଗା କିମ୍ବା କବାଟ ଫାଙ୍କ ଜାଗାଥାଏ ତେବେ କାଦୁଅ କିମ୍ବା ସେଲୋଟ୍ୟାପ ଦେଇ ଭଲଭାବରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠରୀର ବସ୍ତା ମୁହଁ ଭଲଭାବରେ ବନ୍ଦ ରଖନ୍ତୁ । |
| ତୁଳା | ସମ୍ପୂର୍ଣ୍ଣ ଫୁଟି ଯାଇଥିବା ବକରାକୁ ସକାଳର କାକର ବୁନ୍ଦା ଶୁଖିଲା ପରେ କପା ତୋଳିବା ଆରମ୍ଭ କରନ୍ତୁ । ଏହାଦ୍ଵାରା ସଂଗୃହିତ କପାରେ କବକ ଜନିତ ସଂକ୍ରମଣର ଆଶଙ୍କା ହ୍ରାସ ପାଇଥାଏ । ତୋଳିଥିବା କପାକୁ ସିମେଣ୍ଟ ଚଟାଣ କିମ୍ବା ତାରପଲିନ ଉପରେ ଭଲ ଭାବରେ ଶୁଖାନ୍ତୁ ଯେପରିକି ଏହାର ଆଦ୍ରତା ୮ -୧୦ % ଭିତରେ ରହିବ। ଭଲ ଦାମରେ ବିକ୍ରି ହେବା ପାଇଁ ପ୍ରଥମେ ତୋଳା ଯାଇଥିବା କପାକୁ ଅଲଗା କରି ସାଇତି ରଖନ୍ତୁ । ଅପେକ୍ଷାକୃତ ସ୍ୱଳ୍ପ ମାନର କପା କୁ ଅନ୍ୟ ଗୋଟିଏ ଛୋଟ ବ୍ୟାଗ୍ ରେ ସଂଗ୍ରହ କରନ୍ତୁ ଏବଂ ଉନ୍ନତ ମାନର କପା ଠାରୁ ଅଲଗା ରଖନ୍ତୁ । ସର୍ବନିମ୍ନ ସହାୟକ ମୂଲ୍ୟ (ଦୀର୍ଘ ତନ୍ତୁ କପା – ୮୧୧୦ ଟଙ୍କା ପ୍ରତି କୁଇଣ୍ଟାଲ ) ପାଇବା ପାଇଁ ତୋଳି ସାରିଥିବା କପା କୁ ନିକଟସ୍ଥ ମଣ୍ଡି ରେ ବିକ୍ରି କରନ୍ତୁ । |

**ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ବନ୍ଧାକୋବି | କୋବି ଫସଲରେ ଠିକିରି ପିଠିଆ ପୋକର ପରିଚାଳନା ପାଇଁ ଏକର ପ୍ରତି ୬-୮ ଟି ଆଲୋକ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକକୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦ ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୮୦ଗ୍ରାମ Emamectin Benzoate କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଟମାଟର | ଧଳାମାଛିକୁ ଆକର୍ଷଣ କରିବା ପାଇଁ ଏକର ପ୍ରତି ୮ ରୁ ୧୦ ଟି ହଳଦିଆ ଅଠାଯୁକ୍ତ ଯନ୍ତା ବ୍ୟବହାର କରନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକକୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଟମାଟୋ ଫସଲରେ ଧଳାମାଛିର ପରିଚାଳନା ନିମନ୍ତେ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୨୦୦ ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦ ମିଲି Spiromesifen ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

### ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଗୁହାଳ ଘର ଏବଂ ଏହାର ଚଟାଣକୁ ଅଧିକ ସମୟ ପର୍ଯ୍ୟନ୍ତ ଓଦା ଓ ଥଣ୍ଡା ରଖନ୍ତୁ ନାହିଁ । ଅଧିକ ସମୟ ପର୍ଯ୍ୟନ୍ତ ଓଦା ଓ ଥଣ୍ଡା ରହିଲେ ଗାଈଗୋରୁମାନଙ୍କୁ ବିଶେଷ କରି ବାଛୁରି ମାନଙ୍କୁ ନିମୋନିଆ, ଜ୍ୱର ଓ ହଇଜା ଇତ୍ୟାଦି ରୋଗ ହେବାର ସମ୍ଭାବନା ଅଛି । ଶୀତ ଋତୁରେ ଗୁହାଳ ଘରେ ଉତ୍ତମ ଭାବରେ ବାୟୁ ଚଳପ୍ରଚଳ କରୁଥିବା ଦରକାର । |

### ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ମତ୍ସ୍ୟ ପାଳନ | ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| କମନ କାର୍ପ | ଶୀତ ଋତୁରେ ମାଛମାନଙ୍କ ଦେହରେ କବକ, ବୀଜାଣୁ ଓ ପରଜୀବୀ ଜନିତ ରୋଗ ଦେଖାଯାଇଥାଏ । ଏହି ରୋଗମାନଙ୍କର ନିରାକରଣ ନିମନ୍ତେ ଏକ ଏକର ପୋଖରୀ ପ୍ରତି ୪୦୦ ମିଲି CIFAX କୁ ୪୦ ଲିଟର ପାଣିରେ ମିଶାଇ ବିଶୋଧନ କରନ୍ତୁ । ପ୍ରତିଦିନ ମାଛମାନଙ୍କୁ ତେଲ ପିଡିଆ ଖାଇବାକୁ ଦିଅନ୍ତୁ । |

### କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଚିଚକ | କୁକୁଡ଼ା ଚିଆଁ ମାନଙ୍କର ପାଳନ ଅତି ଯତ୍ନର ସହ କରିବା ଆବଶ୍ୟକ । ବୃଡିଙ୍ଗ ସମୟରେ ପ୍ରଥମ ସପ୍ତାହରେ ବୃଡିଙ୍ଗ ତାପମାତ୍ରା 35 ଡିଗ୍ରୀ ରଖାଯିବା ଉଚିତ ଓ ପରବର୍ତୀ ସପ୍ତାହ ଗୁଡିକରେ ଏହା 2-3 ଡିଗ୍ରୀ ହାରରେ କମେଇବା ଉଚିତ । ବିଦ୍ୟୁତ ବଲବ, ବୃଦର ଗାର୍ଡ ଓ ପଲିଥିନ ବ୍ୟବହାର କରି ଥଣ୍ଡା ଜନିତ ଚାପକୁ ହ୍ରାସ କରିବା ଉଚିତ । ଶ୍ୱାସକ୍ରିୟା ଜନିତ ରୋଗ ନହେବା ପାଇଁ ଗୋଟିଏ ଜାଗାରେ ଆବଶ୍ୟକତା ଠାରୁ ଅଧିକ କୁକୁଡ଼ା ରଖନ୍ତୁ ନାହିଁ । |

### ଅନ୍ୟ (ମୃତ୍ତିକା / ଜମି ପ୍ରସ୍ତୁତି) ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଅନ୍ୟ (ମୃତ୍ତିକା / ଜମି ପ୍ରସ୍ତୁତି) | ଅନ୍ୟ (ମୃତ୍ତିକା / ଜମି ପ୍ରସ୍ତୁତି) ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ପ୍ଲାଣ୍ଟ ପ୍ରୋଟେକ୍ସନ | ଶୀତଦିନିଆ ପନିପରିବା, କୋବି, ବାଇଗଣ, ଟମାଟୋ ଓ ଲଙ୍କାଫସଲରେ ପତ୍ରଖିଆ ଓ ଫଳବିନ୍ଧା ପୋକର ଦମନ ପାଇଁ ୧ ଲିଟର ପାଣିରେ ୦.୫ଗ୍ରାମ Emamectin benzoate କିମ୍ବା ୦.୪ ଗ୍ରାମ Spinosad ପ୍ରୟୋଗ କରନ୍ତୁ । |

### ଆବହାବିକ ସତର୍କତାର ସମ୍ଭାବ୍ୟ ପ୍ରଭାବ (ସାଧାରଣ):

| |
|---|
| କୌଣସି ପ୍ରଭାବ ନାହିଁ |

### ପ୍ରଭାବ ଆଧାରିତ ପରାମର୍ଶ (ସାଧାରଣ):

| |
|---|
| କୌଣସି ପ୍ରଭାବ ନାହିଁ |

**Farmers are advised to download Unified �Mausam� and "Meghdoot" android application on mobile for Weather forecast and weather based Agromet Advisories and "Damini" android application for forecast of Thunderstorm and lightening.**

**Mausam MobileApp link: https://play.google.com/store/apps/details/**

**Meghdoot MobileApp link: https://play.google.com/store/apps/details**

**Damini MobileApp link : https://play.google.com/store/apps/details**